# ଆଜି ଅନୁଗୋଳ ଜିଲ୍ଲାରୁ ୧୬ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୮୪୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୪ ଜଣ ।

ଅନୁଗୋଳ, ତା୩୦.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୧୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୪ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୬ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ ଓ ୨୮ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୪୯ତା.୩୦.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

୩୦/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ